# ଗ୍ରାମୀଣ କୃଷି ମୌସମ ସେବା


ଆଞ୍ଚଳିକ ଗବେଷଣା ଓ ପ୍ରଯୁକ୍ତି ବିଦ୍ୟା ସଂପ୍ରସାରଣ କେନ୍ଦ୍ର

ରାଣୀତାଲ, ଭଦ୍ରକ, ଓଡ଼ିଶା-୭୫୬୧୧୧

(ଓଡ଼ିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ)


**ପତ୍ରିକା ସଂଖ୍ୟା-୫୧/୨୫**

**ଜିଲ୍ଲା-ବାଲେଶ୍ୱର** ତା.୨୬.୦୬.୨୦୨୫

**ପାଣିପାଗ ପୂର୍ବାନୁମାନ (ତା.୦୧.୦୭.୨୦୨୫ ପର୍ଯ୍ୟନ୍ତ )-:** ଆଞ୍ଚଳିକ ପାଣିପାଗ କେନ୍ଦ୍ରର ପୂର୍ବାନୁମାନ ଅନୁୟାୟୀ,**ଜିଲ୍ଲାରେ ଆସନ୍ତା ୫ ଦିନ ହାଲୁକାରୁ ମଧ୍ୟମ ଧରଣର ବର୍ଷା ହେବାର ସମ୍ଭାବନା ଅଛି ।** ପବନର ବେଗ ୦୬-୧୪ କିମି / ଘଣ୍ଟା ମଧ୍ୟରେ ରହିବାର ସମ୍ଭାବନା ରହିଛି | ସର୍ବାଧିକ ତାପମାତ୍ରା ଏବଂ ସର୍ବନିମ୍ନ ତାପମାତ୍ରା ଆସନ୍ତା ପାଞ୍ଚ ଦିନ ପାଇଁ ଯଥାକ୍ରମେ ୩୨-୩୩°C ଏବଂ ୨୩-୨୪° C ରହିବାର ସମ୍ଭାବନା ରହିଛି |

| DISTRICT | Date | Rainfall (mm) | T-MAX (C ) | T-MIN (C ) | Cloud Cover | Rh Max (%) | Rh Min (%) | Wind speed (kmph) | Wind Direction (deg) |
|---|---|---|---|---|---|---|---|---|---|
| BALASORE | 27-06-2025 | 9.6 | 32 | 23 | 6 | 82 | 59 | 6 | 215 |
| | 28-06-2025 | 15 | 33 | 23 | 6 | 81 | 59 | 8 | 205 |
| | 29-06-2025 | 5.7 | 33 | 24 | 5 | 80 | 61 | 9 | 223 |
| | 30-06-2025 | 5 | 33 | 24 | 4 | 75 | 52 | 14 | 245 |
| | 01-07-2025 | 18 | 32 | 24 | 6 | 73 | 49 | 13 | 252 |

## ପାଣିପାଗଭିତ୍ତିକ କୃଷି ଓ ପଶୁପାଳନ ଉପଦେଶ

| ସାଧାରଣ ଉପଦେଶ | ➢ ସମୟ ସମୟରେ ମେଘୁଆ ଏବଂ ଶୁଖିଲା ପାଗ ଅନୁକୂଳ ଯୋଗୁଁ, ପରିବା ଫସଲରେ ପୋକ ଆକ୍ରମଣକୁ ନିୟମିତ ଅନୁଧ୍ୟାନ କରିବାକୁ ଚାଷୀମାନଙ୍କୁ ପରାମର୍ଶ ।<br>➢ ଯେହେତୁ ଆଗାମୀ ଦିନରେ ହାଲୁକା ମଧ୍ୟମ ଧରଣର ବର୍ଷା ହେବାର ସମ୍ଭାବନା ରହିଛି, ତେଣୁ ଚାଷୀମାନେ ସିଞ୍ଚନ କାର୍ଯ୍ୟ କରିବା ସମୟରେ ଉପଯୁକ୍ତ ଯତ୍ନ ନେବା ଉଚିତ ।<br>➢ ଚାଷୀମାନେ ଧାନ ନର୍ସରୀ କିମ୍ବା ପନିପରିବା ବଗିଚାରୁ ଅତିରିକ୍ତ ଜଳ ନିଷ୍କାସନ କରନ୍ତୁ।<br>➢ ପାଣି ଜମି ରହିଥିଲେ ମଞ୍ଜି ବୁଣନ୍ତୁ ନାହି। | |
|---|---|---|
| **ଫସଲର ନାମ** | **ଫସଲର ଅବସ୍ଥା** | **ପାଣିପାଗ ଭିତ୍ତିକ ପରାମର୍ଶ** |
| ଖରିଫ ଧାନ | ଜମି ପ୍ରସ୍ତୁତି / ନର୍ସରୀ | ➢ ଖରିଫ ଧାନ ପାଇଁ ଭଲ ଭାବରେ ତଳି ପଟାଳି ପ୍ରସ୍ତୁତ କରି ୧ କେଜି ବିହନ ପ୍ରତି କାରବେଣ୍ଡାଜିମ (୨ ଗ୍ରାମ) ଓ ପ୍ଲାଣ୍ଟୋମାଇସୀନ (୧ ଗ୍ରାମ ) ବିଶୋଧନ କରି ଗାଲି ଗଜା ପ୍ରସ୍ତୁତ କରି ବୁଣନ୍ତୁ ।<br>➢ ଧାନ ଚାଷ ପାଇଁ ଗୁଣବତ୍ତା ବିହନ ବ୍ୟବହାର କରନ୍ତୁ-ଯଥା-<br>ମଝିଆଳି ଜମି ପାଇଁ -ଶାଳନ୍ଦୀ ,କଳିଙ୍ଗ ଧାନ -୧୩୦୧ ,ପ୍ରତୀକ୍ଷା<br>ଖାଲ ମଝିଆଳି ଜମି ପାଇଁ -ସ୍ବର୍ଣ୍ଣ ,ରାଣୀଧାନ , କଳିଙ୍ଗ ଧାନ -୧୪୦୧ ,MTU -୧୧୪୦<br>ଖାଲ ଜମି ପାଇଁ - କଳିଙ୍ଗ ଧାନ -୧୦୫୧ , କଳିଙ୍ଗ ଧାନ -୧୦୫୨ ,କଳାଚମ୍ପା, CR-୧୦୦୯<br>ବନ୍ୟା ଅଞ୍ଚଳ ପାଇଁ –ସ୍ବର୍ଣ୍ଣ ସବ ୧ ,CR-୧୦୦୯ ସବ ୧ |
| ଆଖୁ | ଅଙ୍ଗୀୟ ବୃଦ୍ଧି ଅବସ୍ଥା | ➢ ଆଖୁରେ ସଅଁଳ କାଣ୍ଡ ବିନ୍ଧାପୋକ ଦୃଷ୍ଟିଗୋଚର ହେଲେ Fipronil ୫SC@ ୪୦୦ମିଲି/ଏକର ପତ୍ର ସିଂଚନ କରନ୍ତୁ ।<br>➢ ମଧ୍ୟମ ଓ ବିଳମ୍ବ କିସମ ଫସଲ ୪ରୁ୫ ମାସ ବେଳକୁ ଗଛରେ ଭେଳା ବାନ୍ଧନ୍ତୁ । |
| ପନିପରିବା | ନର୍ସରୀ /ଫୁଲ/ଫଳ ଅବସ୍ଥା | ➢ ପାଣି ଜମି ନରହିବା ପାଇଁ କ୍ଷେତରେ ଜଳ ନିଷ୍କାସନ କରନ୍ତୁ।<br>➢ ବର୍ଷା ବନ୍ଦ ହେବା ପରେ ଚାଷୀମାନେ ବାଇଗଣ ଓ ଭେଣ୍ଡି ଉଦ୍ଭିଦଗୁଡିକର ରୋପଣ କରନ୍ତୁ ।<br>➢ ରୋପଣ କିମ୍ବା ବୁଣିବା ପୂର୍ବରୁ କାର୍ବେଣ୍ଡାଜିମ୍(୨ ଗ୍ରାମ) ସହିତ ବିହନ / ମୂଳ ବିଶୋଧନ କରନ୍ତୁ |<br>➢ ବର୍ତ୍ତମାନର ପାଗ ସ୍ଥିତିରେ ପନିପରିବା ଓ ବାଇଗଣରେ ଦହିଆ ପୋକ ବୃଦ୍ଧି କରିପାରେ , ନିୟନ୍ତ୍ରଣ କରିବା ପାଇଁ ଥିଆମେଥୋକ୍ସାମ 0.4 ଗ୍ରାମ୍ ପ୍ରତି ଲିଟର ପାଣି ସିଞ୍ଚନ କରନ୍ତୁ । |

| | | |
|---|---|---|
| ଫଳ | | ➢ ବର୍ଷା ବନ୍ଦ ହେବା ପରେ, ଅମୃତଭଣ୍ଡା ମଞ୍ଜିକୁ କାର୍ବେଣ୍ଡାଜିମ୍ ସହିତ ମିଶାଇ ବିହନ ବିଶୋଧନ କରି ବୁଣନ୍ତୁ। <br> ➢ ଅମୃତଭଣ୍ଡାର ଫଳ ବିକାଶ ପର୍ଯ୍ୟାୟରେ ଗଛକୁ ପବନ ଏବଂ ବର୍ଷାରୁ ରକ୍ଷା କରିବା ପାଇଁ ବାଉଁଶ ଏବଂ ଅନ୍ୟାନ୍ୟ ପ୍ରକାରର କାଠି ସାହାଯ୍ୟରେ ରଞ୍ଜା ଦିଅନ୍ତୁ। |
| ମାଛ ଚାଷ | | ➢ ଦ୍ରୁତ ଗତିରେ ବଢୁଥିବା କାର୍ପ ଜାତୀୟ ମାଛ ଯଥା ରୋହୁ,ଭାକୁର ଓ ମିରିକଲିକୁ ଏକ ନିର୍ଦ୍ଦିଷ୍ଟ ଅନୁପାତରେ ୪:୩:୩ ଅନୁପାତରେ ରେ ଚାଷ କରିବା ଦ୍ୱାରା ଲାଭ ବୃଦ୍ଧି ହୋଇଥାଏ। <br> ➢ ସାଧାରଣତଃ ପୋଖରୀରେ ହେକ୍ଟର ପିଛା ୫ ହଜାର ଯାଁଳା ଛଡାଯାଏ । <br> ➢ ମାଛମାନଙ୍କୁ ବାଦାମ ତେଲର ପିଠା ଏବଂ ଚାଉଳର ଚୋପା ସମାନ ଅନୁପାତରେ ଗଚ୍ଛିତ ସାମଗ୍ରୀର ମୋଟ ଜୈବବସ୍ତୁର 5%ରେ ଦିଆଯାଏ। ପୋଖରୀର ଗୁଣବତ୍ତା ବୃଦ୍ଧି ପାଇଁ ଗୋବର , ୟୁରିଆ ଓ ସୁପର ଫସଫେଟ ପ୍ରୟୋଗ କରିବା ଉଚିତ। ମାଛମାନେ ୮ ରୁ ୧୦ ମାସ ଭିତରେ ବିକ୍ରି ଯୋଗ୍ୟ ହୋଇଯାନ୍ତି। |
| ପଶୁପାଳନ | | ➢ ବଜ୍ରପାତ ସମୟରେ ଗାଈ/ଛେଳିମାନଙ୍କୁ ଘର ଭିତରେ ରଖନ୍ତୁ। <br> ➢ ପଶୁମାନଙ୍କୁ ରୋଗରୁ ରକ୍ଷା କରିବା ପାଇଁ ଗୁହାଳକୁ ସଫା ରଖନ୍ତୁ। |

**ଚାଷରେ ଅଧିକ ଲାଭବାନ ହେବା ପାଇଁ ଓୟୁଏଟି କଳିଙ୍ଗ ଉତ୍ପାଦ (ତାରା , QPM, ଟିସୁ କଲଚର ଗଛ , ଫଳ ଓ ପନିପରିବା , ଯାଅଁଳ, କୁକୁଡା ଚିଆଁ, ଛତୁ, ଛତୁ ମଞ୍ଜି, ଜୈବିକ ସାର, ଜୈବିକ କୀଟନାଶକ, ଜିଆ ଖତ, କୃଷି ଯନ୍ତ୍ରପାତି ଇତ୍ୟାଦି ) ବ୍ୟବହାର କରନ୍ତୁ ।**

ଭାରତୀୟ ପାଣିପାଗ ବିଭାଗର ପୂର୍ବାନୁମାନ ଓ ପାଣିପାଗ ଭିତିକ କୃଷି ସୂଚନା ନିମନ୍ତେ ଅଧିକ ବିବରଣୀ ପାଇଁ MEGHDOOT ମୋବାଇଲ ଆପ ବ୍ୟବହାର କରନ୍ତୁ ।

(Android:https://play.google.com/store/apps/details?id=com.aas.meghdoot)(iOS: https://apps.apple.com/in/app/meghdoot/id1474048155)

| | |
|---|---|
| Mrs. Meera Mahanty | Dr. Biswaranjan Nayak |
| Jr. Agrometeorologist | ADR & NODAL OFFICER |
| AMFU, RRTTS, Ranital | AMFU, RRTTS, Ranital |